ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/Revenue(Od)/797/09.11.2022**

# ରାଷ୍ଟ୍ରପତିଙ୍କ ଆଗମନରେ ଆଜି ଭୁବନେଶ୍ୱର ଅଞ୍ଚଳରେ ଅଧାଦିନ ଛୁଟି

ଭୁବନେଶ୍ୱର,୦୯/୧୧/୨୦୨୨:

ଓଡ଼ିଶା ମାଟିର ଗର୍ବ ଓ ଗୌରବ ମହାମହିମ ରାଷ୍ଟ୍ରପତି ଶ୍ରୀମତୀ ଦ୍ରୌପଦୀ ମୁର୍ମୁଙ୍କ ପ୍ରଥମ ଓଡ଼ିଶା ଗସ୍ତକୁ ଗୁରୁତ୍ୱ ଦେଇ ରାଜ୍ୟ ସରକାର ଆଜି ଅର୍ଥାତ୍ ୧୦ ତାରିଖ ୧ଟାରୁ ଭୁବନେଶ୍ୱର ଅଞ୍ଚଳରେ ଛୁଟି ଘୋଷଣା କରିଛନ୍ତି । ଏହି ଛୁଟି କେବଳ ଭୁବନେଶ୍ୱର ମହାନଗର ନିଗମ ଅନ୍ତର୍ଭୁକ୍ତ ଅଞ୍ଚଳରେ ବଳବତ୍ତର ରହିବ । ମହାନଗର ନିଗମ ଅଞ୍ଚଳରେ ଥିବା ସମସ୍ତ ସରକାରୀ ଦପ୍ତର ଓ ସରକାରୀ ତଥା ବେସରକାରୀ ଶିକ୍ଷାନୁଷ୍ଠାନଗୁଡ଼ିକ ବନ୍ଦ ରହିବ । ମହାମହିମ ରାଷ୍ଟ୍ରପତିଙ୍କ ଓଡ଼ିଶା ଗସ୍ତର ସର୍ବସଫଳତାକୁ ଦୃଷ୍ଟିରେ ରଖି ତାଙ୍କ ସମ୍ମାନାର୍ଥେ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ ପକ୍ଷରୁ ଏପରି ଛୁଟି ଘୋଷଣା ପାଇଁ ନିଷ୍ପତ୍ତି ଗ୍ରହଣ କରାଯାଇଛି ।

ସୂର୍ଯ୍ୟ ମିଶ୍ର
ସୂଚନା ଅଧିକାରୀ